# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**15 August – 2025**

**News Editor : Itishree Singh Rathaur**

**************************************

## ମୁଖ୍ୟ ସମ୍ବାଦ

- ୭୯ତମ ସ୍ୱାଧୀନତା ଦିବସ ଅବସରରେ ଦିଲ୍ଲୀର ଲାଲକିଲ୍ଲାରେ ଜାତୀୟ  ପତାକା ଉତ୍ତୋଳନ କଲେ ପ୍ରଧାନମନ୍ତ୍ରୀ

— ୧ ଲକ୍ଷ କୋଟି ଟଙ୍କାର ବିକଶିତ ଭାରତ ରୋଜଗାର ଯୋଜନାର କଲେ ଘୋଷଣା

— ଆସନ୍ତା ଦୀପାବଳି ସୁଦ୍ଧା ଜିଏସଟିରେ ଆସିବ ସଂସ୍କାର,  ଆତ୍ମନିର୍ଭର ଭାରତ ପାଇଁ ସ୍ୱଦେଶୀ ସାମଗ୍ରୀ ବ୍ୟବହାର ଲାଗି ଦେଶବାସୀଙ୍କୁ ପ୍ରଧାନମନ୍ତ୍ରୀଙ୍କ ଆହ୍ୱାନ

- ଆଗାମୀ ୧୦ ବର୍ଷ ଓଡ଼ିଶାର ଦଶକ ହେବାକୁ ଯାଉଛି; ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ କହିଲେ ମୁଖ୍ୟମନ୍ତ୍ରୀ

— ରାଜ୍ୟରେ ଆଉ ୨୧ଟି ଏନ୍‌ଏସ୍‌ସି ଗଠନ ପାଇଁ ଘୋଷଣା

- ଉଲ୍ଲେଖନୀୟ କାର୍ଯ୍ୟ ପାଇଁ ୨୨ ଜଣଙ୍କୁ ପୁଲିସ୍ ପଦକ ପ୍ରଦାନ କଲେ ମୁଖ୍ୟମନ୍ତ୍ରୀ

ଏବଂ

● ଶ୍ରଦ୍ଧା ଓ ଭକ୍ତିଭାବ ସହ ଆଜି ପାଳନ କରାଯାଉଛି ପ୍ରଭୁ ଶ୍ରୀକୃଷ୍ଣଙ୍କ ଜନ୍ମାଷ୍ଟମୀ ପର୍ବ

## ପ୍ରଧାନମନ୍ତ୍ରୀ

ଦେଶ ଆଜି ୭୯ତମ ସ୍ୱାଧୀନତା ଦିବସ ପାଳନ କରୁଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ଅବସରରେ ଦିଲ୍ଲୀର ଐତିହାସିକ ଲାଲକିଲ୍ଲାରେ ଜାତୀୟ ପତାକା ଉତ୍ତୋଳନ କରି ଦେଶବାସୀଙ୍କୁ ସମ୍ବୋଧିତ କରିଛନ୍ତି। ପ୍ରଧାନମନ୍ତ୍ରୀ କହିଛନ୍ତି, ଶତ୍ରୁମାନଙ୍କ ଦ୍ୱାରା ଯେକୌଣସି ପ୍ରୟାସକୁ ପ୍ରତିହତ କରିବା ପାଇଁ ତଥା ଏକ ଶକ୍ତିଶାଳୀ ଅସ୍ତ୍ରଶସ୍ତ୍ର ପ୍ରଣାଳୀ ସୃଷ୍ଟି କରିବା ଲକ୍ଷ୍ୟ ନେଇ ମିଶନ ସୁଦର୍ଶନ ଚକ୍ର ଆରମ୍ଭ କରାଯିବ।

**- V/O - (PM)**

ପ୍ରଧାନମନ୍ତ୍ରୀ ପ୍ରତିରକ୍ଷା, ପ୍ରଯୁକ୍ତିବିଦ୍ୟା, ଶକ୍ତି, ମହାକାଶ ଓ ଉତ୍ପାଦନ କ୍ଷେତ୍ରରେ ଭାରତର ଅଗ୍ରଗତି ସମ୍ପର୍କରେ ଆଲୋଚନା କରି କହିଛନ୍ତି, ଏହି ସବୁ କ୍ଷେତ୍ର ଆତ୍ମନିର୍ଭର ଭାରତକୁ ନୂତନ ଦିଗ ପ୍ରଦାନ କରୁଛନ୍ତି। ଆତ୍ମନିର୍ଭର ଭାରତ ଯୋଗୁଁ ଦେଶ ସନ୍ତ୍ରାସବାଦ ବିରୋଧରେ ସଂଗ୍ରାମ କରି ଅପରେସନ୍ ସିନ୍ଦୂର ଅଭିଯାନରେ ସଫଳତା ହାସଲ କରିଛି। ଏହି ଅବସରରେ ପ୍ରଧାନମନ୍ତ୍ରୀ ଆତ୍ମନିର୍ଭର ଭାରତ ଗଠନ ପାଇଁ ସ୍ୱଦେଶୀ ସାମଗ୍ରୀ ବ୍ୟବହାର ଲାଗି ଦେଶବାସୀଙ୍କୁ ଆହ୍ୱାନ ଦେଇଛନ୍ତି।

ପ୍ରଧାନମନ୍ତ୍ରୀ ବିକଶିତ ଭାରତ ରୋଜଗାର ଯୋଜନାର ଘୋଷଣା କରିଛନ୍ତି। ଏହି ଯୋଜନା ମାଧ୍ୟମରେ ୩ ଲକ୍ଷରୁ ଅଧିକ ଯୁବକ-ଯୁବତୀ ଉପକୃତ ହେବା ସହ ଏଥିପାଇଁ ୧ ଲକ୍ଷ କୋଟି ଟଙ୍କା ଖର୍ଚ୍ଚ ହେବ। ସେହିଭଳି ଆସନ୍ତା ଦୀପାବଳି ସୁଦ୍ଧା ଦେଶରେ ପରବର୍ତ୍ତୀ ପିଢ଼ିର ଜିଏସଟି ସଂସ୍କାର ପ୍ରଚଳନ ହେବ ବୋଲି ଶ୍ରୀ ମୋଦୀ ଘୋଷଣା କରିଛନ୍ତି।

## - V/O - (PM)

ପ୍ରଧାନମନ୍ତ୍ରୀ କହିଛନ୍ତି, ସମୁଦ୍ର ସମ୍ପଦର ବ୍ୟବହାର ପାଇଁ ଜାତୀୟ ଗଭୀର ଜଳ ଅନୁସନ୍ଧାନ ମିଶନ ଆରମ୍ଭ କରାଯିବ। ଦେଶରେ ପରମାଣୁ ଶକ୍ତିର ବିସ୍ତାର ଉପରେ ମଧ୍ୟ ପ୍ରଧାନମନ୍ତ୍ରୀ ଆଲୋକପାତ କରିଛନ୍ତି। ଶ୍ରୀ ମୋଦୀ କହିଛନ୍ତି, ଦେଶ ଚଳିତବର୍ଷ ଶେଷ ସୁଦ୍ଧା ମେଡ୍ ଇନ୍ ଇଣ୍ଡିଆ ସେମିକଣ୍ଡକ୍ଟର ଚିପ୍‌ସର ଶୁଭାରମ୍ଭ କରିବ। ଏହା ପ୍ରଯୁକ୍ତିବିଦ୍ୟା କ୍ଷେତ୍ରରେ ଦେଶର ବର୍ଦ୍ଧିତ ଶକ୍ତିକୁ ପ୍ରତିଫଳିତ କରିବ।

ଲାଲକିଲ୍ଲାରେ ପହଞ୍ଚିବା ପୂର୍ବରୁ ପ୍ରଧାନମନ୍ତ୍ରୀ ରାଜଘାଟଠାରେ ଜାତୀର ପିତା ମହାତ୍ମା ଗାନ୍ଧୀଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

## ରାଜ୍ୟସ୍ତରୀୟ ସମାରୋହ-ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱରଠାରେ ଆୟୋଜିତ ରାଜ୍ୟସ୍ତରୀୟ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଜାତୀୟ ପତାକା ଉତ୍ତୋଳନ କରିଛନ୍ତି । ଏହି ଉପଲକ୍ଷେ ଆୟୋଜିତ ରାଜ୍ୟସ୍ତରୀୟ ପରେଡ୍‌ରେ ସେ

ଅଭିବାଦନ ଗ୍ରହଣ କରିବା ସହିତ ରାଜ୍ୟବାସୀଙ୍କୁ ଉଦ୍‌ବୋଧନ ଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ଓଡ଼ିଶା ବର୍ତ୍ତମାନ ପରିବର୍ତ୍ତନ ପଥରେ ଯାତ୍ରା ଆରମ୍ଭ କରିଛି। ଆଜିର ଦିନ ସ୍ୱାଧୀନତା ଦିବସ ପାଳନ ପାଇଁ ଏକ ପ୍ରତୀକାତ୍ମକ ଉତ୍ସବ ନୁହେଁ ବରଂ ଦେଶର ଏକତା ଓ ଅଖଣ୍ଡତାକୁ ବଜାୟ ରଖିବା ପାଇଁ ପ୍ରତିମୁହୂର୍ତ୍ତ ଚେତାଇଥାଏ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

ଶ୍ରୀ ମାଝୀ କହିଛନ୍ତି, ରାଜ୍ୟରେ ୨୮ ହଜାର ୩୯୨ଟି ପଦବୀ ପୂରଣ ହୋଇଛି। ଏହାସହ ଆଉ ୩୪ ହଜାର ୫୦୦ଟି ପୂଦବୀ ପୂରଣ ପାଇଁ ବିଭିନ୍ନ ଆୟୋଗ ପକ୍ଷରୁ ନିଯୁକ୍ତି ପ୍ରକ୍ରିୟା ଜାରି ରହିଛି। ଆଗାମୀ ଦିନରେ ଓଡ଼ିଶାକୁ ଫାର୍ମା ହବ୍‌ରେ ପରିଣତ କରିବା ପାଇଁ ପଦକ୍ଷେପ ନିଆଯାଉଛି। ଏହି କ୍ଷେତ୍ରରେ ୨ ଲକ୍ଷ ୫୦ ହଜାରରୁ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇପାରିବ। ରାଜ୍ୟ ସରକାର ମହିଳା ସୁରକ୍ଷାକୁ ପ୍ରାଥମିକତା ଦେଉଛନ୍ତି। ଏଥିପାଇଁ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରିବା ସହ ମହିଳା ଅପରାଧ ବିରୋଧରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ପୁଲିସ୍ ବିଭାଗକୁ ସମ୍ପୂର୍ଣ୍ଣ କ୍ଷମତା ଦିଆଯାଇଛି।

## - V/O -(CM)

ମୁଖ୍ୟମନ୍ତ୍ରୀ କହିଛନ୍ତି, ରାଜ୍ୟରେ ବର୍ତ୍ତମାନ ୧୨ଟି ସରକାରୀ ମେଡିକାଲ କଲେଜ ରହିଛି। ଆଗାମୀ ଦିନରେ ଢେଙ୍କାନାଳ, ଜଗତ୍‌ସିଂହପୁର, ଭଦ୍ରକ ଓ ନବରଙ୍ଗପୁରରେ ମଧ୍ୟ ମେଡିକାଲ କଲେଜ୍ ସ୍ଥାପନ ହେବ। ଏହା ସହ ବ୍ରହ୍ମପୁର ମେଡିକାଲ କଲେଜକୁ ଏମ୍‌ସ୍ ପ୍ଲସ୍ ଭାବେ ବିକଶିତ କରାଯିବ।

ମୁଖ୍ୟମନ୍ତ୍ରୀ ଏହି ଅବସରରେ ପ୍ରଧାନମନ୍ତ୍ରୀ ଗରିବ କଲ୍ୟାଣ ଯୋଜନାରେ ୧୧ଟି ଜିଲ୍ଲାର ୨୭ ଲକ୍ଷରୁ ଉର୍ଦ୍ଧ୍ୱ ହିତାଧିକାରୀମାନଙ୍କୁ ଆସନ୍ତା ୩ ମାସ ପାଇଁ ଅତିରିକ୍ତ ୫ କିଲୋଗ୍ରାମ ଚାଉଳ ଯୋଗାଇ ଦେବା ପାଇଁ ନିଷ୍ପତ୍ତି ନିଆଯାଇଥିବା ଘୋଷଣା କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି, ଆଗାମୀ ୫ ବର୍ଷ ମଧ୍ୟରେ ରାଜ୍ୟରେ ଆହୁରି ୭୫ ହଜାର କିଲୋମିଟର ଉଚ୍ଚମାନର ସଡକ ନିର୍ମାଣ ହେବ। ଏହାସହ ଇଞ୍ଚୁଡି, ବାହୁଦା, ସୁବର୍ଣ୍ଣରେଖା ଓ ଅସ୍ତରଙ୍ଗଠାରେ ୪ଟି ନୂତନ ବନ୍ଦର ନିର୍ମାଣ କରାଯିବାର ଲକ୍ଷ୍ୟ ରଖାଯାଇଛି। ଦ୍ରୁତ ବିକାଶ ସହ ଜନସାଧାରଣଙ୍କ ଆବଶ୍ୟକତାକୁ ଦୃଷ୍ଟିରେ ରଖି ସରକାର ଆଉ ୨୧ଟି ନୂତନ ବିଜ୍ଞପିତ ପରିଷଦ ଏନ୍ଏସି ସ୍ଥାପନ ପାଇଁ ନିଷ୍ପତ୍ତି ନେଇଛନ୍ତି। ଆଗାମୀ ୧୦ ବର୍ଷ ଓଡ଼ିଶାର ଦଶକ ହେବାକୁ ଯାଉଛି। ୨୦୩୬ ମସିହା ସୁଦ୍ଧା ରାଜ୍ୟର ଅର୍ଥନୀତିକୁ ୫୦ ହଜାର କୋଟି ଡଲାରରେ ପହଞ୍ଚାଇବାର ଲକ୍ଷ୍ୟ ରଖାଯାଇଥିବା ମୁଖ୍ୟମନ୍ତ୍ରୀ କହିଛନ୍ତି।

## ମୁଖ୍ୟମନ୍ତ୍ରୀ – ପଦକ ପ୍ରଦାନ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଭୁବନେଶ୍ୱର ଲୋକସେବା ଭବନରେ ୨୨ ଜଣ ପୁଲିସ୍ ଅଧିକାରୀ ଓ କର୍ମଚାରୀଙ୍କୁ ପଦକ ପ୍ରଦାନ କରିଛନ୍ତି। ସେମାନଙ୍କ ମଧ୍ୟରୁ ବିଶିଷ୍ଟ ସେବା ପାଇଁ ୨ ଜଣଙ୍କୁ ରାଷ୍ଟ୍ରପତି ପଦକ, ୯ ଜଣଙ୍କୁ ସାହସିକତା ପଦକ ଏବଂ ୧୧ ଜଣଙ୍କୁ ଉଲ୍ଲେଖନୀୟ ସେବା ପାଇଁ ପୁଲିସ୍ ପଦକ ପ୍ରଦାନ କରାଯାଇଛି।

## ସ୍ୱାଧୀନତା ଦିବସ

ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ସ୍ୱାଧୀନତା ଦିବସ ପାଳନ କରାଯାଇଛି।

**କେନ୍ଦୁଝର** ଷ୍ଟାଡିୟମ୍ ପଡିଆରେ ଆୟୋଜିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ ଜାତୀୟ ପତାକା ଉତ୍ତୋଳନ କରି ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ।

**କଟକ** ବାରବାଟୀ ଷ୍ଟାଡିୟମରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ଜାତୀୟ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ।

**ଭଦ୍ରକ** ସ୍ୱୟଂଶାସିତ ମହାବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର ଜାତୀୟ ପତାକା ଉତ୍ତୋଳନ କରି ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ।

**ସୁବର୍ଣ୍ଣପୁର** ରାମେଶ୍ୱର ଷ୍ଟାଡିୟମ୍‌ଠାରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥିଭାବେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ସମ୍ମିଳିତ ପରେଡ୍‌ରେ ୪୦ଟି ଦଳ ଅଂଶଗ୍ରହଣ କରିଥିଲେ।

**କଳାହାଣ୍ଡି** ଜିଲ୍ଲା ଭବାନୀପାଟଣାସ୍ଥିତ ଲାଲବାହାଦୁର ଶାସ୍ତ୍ରୀ ଷ୍ଟାଡିୟମ୍‌ଠାରେ ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଜାତୀୟ ପତାକା ଉତ୍ତୋଳନ କରି ପରେଡ ଅଭିବାଦନ ଗ୍ରହଣ କରିଥିଲେ।

**ଅନୁଗୁଳ** ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସରେ ରାଜ୍ୟ ବୟନଶିଳ୍ପ ଓ ସମବାୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ ଜାତୀୟ ପତାକା ଉତ୍ତୋଳନ କରି ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ ।

**ନବରଙ୍ଗପୁର** ଷ୍ଟାଡିୟମ୍‌ଠାରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ଉତ୍ସବରେ ଶ୍ରମମନ୍ତ୍ରୀ ଗଣେଶରାମ ସିଂ ଖୁଣ୍ଟିଆ ମୁଖ୍ୟଅତିଥି ଭାବେ ଜାତୀୟ ପତାକା ଉତ୍ତୋଳନ କରି ପରେଡ ଅଭିବାଦନ ଗ୍ରହଣ କରିଥିଲେ ।

**ପୁରୀ** ତାଳବଣିଆସ୍ଥିତ ସ୍ପୋର୍ଟସ୍ କମ୍ପ୍ଲେକ୍ସଠାରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ଆଇନ୍ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଜାତୀୟ ପତାକା ଉତ୍ତୋଳନ କରି ପରେଡ ଅଭିବାଦନ ଗ୍ରହଣ କରିଥିଲେ ।

**ରାୟଗଡ଼ା** ଜିସିଡି ପଡିଆରେ ଆୟୋଜିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ୍ ଜାତୀୟ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ ।

**ମୟୂରଭଞ୍ଜ** ଜିଲ୍ଲା ସଦର ମହକୁମା ବାରିପଦାଠାରେ  ଆୟୋଜିତ ସ୍ୱାଧୀନତା ଦିବସ ସମାରୋହରେ ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ଜାତୀୟ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ ।

**ଦେବଗଡ଼, ମାଲକାନଗିରି, ନୟାଗଡ଼, ଗଞ୍ଜାମ, ଖୋର୍ଦ୍ଧା, ଢ଼େଙ୍କାନାଳ, ବୌଦ୍ଧ** ଜିଲ୍ଲାରେ ଜିଲ୍ଲାପାଳ ମାନେ ଜାତୀୟ ପତାକା ଉତ୍ତୋଳନ କରିଥିଲେ ।

## ଜନ୍ମାଷ୍ଟମୀ

ଶ୍ରଦ୍ଧା ଓ ଭକ୍ତିର ସହ ଆଜି ପ୍ରଭୁ ଶ୍ରୀକୃଷ୍ଣଙ୍କ ଜନ୍ମୋତ୍ସବ ଜନ୍ମାଷ୍ଟମୀ ପର୍ବ ପାଳନ କରାଯାଉଛି । ଭାଦ୍ରବ ମାସ କୃଷ୍ଣପକ୍ଷ ଅଷ୍ଟମୀ ତିଥିରେ ଭଗବାନ ଶ୍ରୀକୃଷ୍ଣ ଜନ୍ମ ନେଇଥିଲେ। ଏଥିପାଇଁ ମନ୍ଦିରଗୁଡିକରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା କରାଯାଉଛି ।

ପୁରୀ ଶ୍ରୀମନ୍ଦିରରେ ଆଜି ପ୍ରଭୁ ଶ୍ରୀକୃଷ୍ଣଙ୍କ ଜନ୍ମ ଉତ୍ସବ ପାଳନ କରାଯାଉଛି । ଶ୍ରୀମନ୍ଦିରରେ ସନ୍ଧ୍ୟା ଧୂପ ଶେଷ ହେବା ପରେ ଜନ୍ମନୀତି ବିଧି ଅନୁଷ୍ଠିତ ହେବ । ପରମ୍ପରା ଅନୁସାରେ ଶ୍ରୀମନ୍ଦିରରେ ଠାକୁରଙ୍କୁ ଛଅ ମୂର୍ତ୍ତି ଅଳଙ୍କାର ଲାଗି କରାଯିବ। ଶ୍ରୀମନ୍ଦିରରେ ଜନ୍ମନୀତି ପାଳିତ ହେବା ସହିତ ନବମୀ ଦିନ ନନ୍ଦୋତ୍ସବ ଏବଂ ଦଶମୀଠାରୁ ବିଭିନ୍ନ କୃଷ୍ଣ ଲୀଳାତ୍ମକ ବେଶ ହୋଇଥାଏ । ଆପତତଃ ସନ୍ଧ୍ୟା ୭ଟାରୁ ରାତି ୧୨ଟା ପର୍ଯ୍ୟନ୍ତ ଜନ୍ମନୀତି କାର୍ଯ୍ୟ ନିମନ୍ତେ ଆଜି ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।

## ହର ଘର ତିରଙ୍ଗା

**ନୟାଗଡ଼** ପୌର ପରିଷଦ ପକ୍ଷରୁ 'ହର ଘର ତିରଙ୍ଗା- ହର ଘର ସ୍ୱଚ୍ଛତା' ଅଭିଯାନ ଅନୁଷ୍ଠିତ ହୋଇଛି। ଏଥିରେ ବିଭିନ୍ନ ବର୍ଗର ୨୦୦ରୁ ଊର୍ଦ୍ଧ୍ୱ ବ୍ୟକ୍ତିବିଶେଷ ସାମିଲ ହୋଇ ପ୍ରତି ଘର ଓ ଦୋକାନରେ ଜାତୀୟ ପତାକା ବଣ୍ଟନ କରିବା ସହ ସଚେତନତାର ବାର୍ତ୍ତା ଦେଇଥିଲେ।